OPPO Reno7 5G
2023.04.10 13:24

ପ୍ରେସ୍ ନୋଟ୍

# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା.୧୦.୦୪: ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍(ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଦାଖଲ ହୋଇଥିବା ସମୁଦାୟ ୪୬ଟି ଅଭିଯୋଗରୁ ୪୨ଟି ବ୍ୟକ୍ତିଗତ ଓ ୦୪ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଅତିରିକ୍ତ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଏହାଛଡା ଦାଖଲ ହୋଇଥିବା ସମୁଦାୟ ୪୬ଟି ଅଭିଯୋଗ ମଧ୍ୟରୁ ୧୦ଟି ଅଭିଯୋଗର ଆଜିର ଶିବିରରେ ଫଇସଲା କରାଯାଇଥିଲା । ଏହି ଶିବିରକୁ ଆସିଥିବା ଲୋକମାନେ ବାର୍ଦ୍ଧକ୍ୟ ଭତ୍ତା,ବ୍ୟାଙ୍କ ଋଣ ସମ୍ବନ୍ଧୀୟ,ଶିକ୍ଷା,ସ୍ୱାସ୍ଥ୍ୟ ସମ୍ବନ୍ଧୀୟ, ଗ୍ରମ୍ୟ ରାସ୍ତା ଓ ପ୍ରଧାନମନ୍ତ୍ରୀ ଆବାସ ସମେତ ବିଭିନ୍ନ ଅଭିଯୋଗ ଦାଖଲ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ,ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଲଳିତ ମୋହନ ବେହେରା, ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ପ୍ରସନ୍ନ କୁମାର ବିଶ୍ୱାଳ ଓ ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଞ୍ଜନ ସାହୁଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୨୯୫ ତା.୧୦.୦୪.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

10/4/2023

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


COURT OF THE COLLECTOR & DISTRICT MAGISTRATE
ANGUL
OPPO Reno7 5G
2023.04.10 08:47


OPPO Reno7 5G
2023.04.10 08:39